# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**23rd April - 2025**

*************************************

*GNR , BBSR/R*

## ଆତଙ୍କବାଦ ଆକ୍ରମଣ

ଜମ୍ମୁ-କାଶ୍ମୀରର ପହଲଗାମ୍‌ଠାରେ ଗତକାଲି ଆତଙ୍କବାଦୀ ଆକ୍ରମଣ ଘଟଣାରେ କେତେକ ପର୍ଯ୍ୟଟକ ମୃତାହତ ହେବା ସୂଚନା ମିଳିବା ପରେ ସେଠାରେ ସୁରକ୍ଷା ବ୍ୟବସ୍ଥା ବୃଦ୍ଧି କରାଯାଇଛି । ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ଗତକାଲି ଶ୍ରୀନଗରରେ ବରିଷ୍ଠ ଅଧିକାରୀଙ୍କ ସହ ପରିସ୍ଥିତିର ସମୀକ୍ଷା କରିଛନ୍ତି । ଶ୍ରୀ ଶାହା ଆଜି ଘଟଣାସ୍ଥଳ ପରିଦର୍ଶନ କରିବାର କାର୍ଯ୍ୟସୂଚୀ ରହିଛି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆତଙ୍କବାଦୀ ଆକ୍ରମଣ ଘଟଣାର ଦୃଢ଼ ନିନ୍ଦା କରିଛନ୍ତି । ଏହି ଘଟଣାରେ ଜଣେ ଓଡ଼ିଆ ପର୍ଯ୍ୟଟକ ବାଲେଶ୍ୱର ସଦର ବ୍ଲକ୍ ସାରଗାଁ ପଞ୍ଚାୟତର ପ୍ରଶାନ୍ତ ଶତପଥୀଙ୍କ ମୃତ୍ୟୁ ହୋଇଥିବା ସୂଚନା ମିଳିଛି । ମୃତ ପର୍ଯ୍ୟଟକଙ୍କ ମରଶରୀରକୁ ତାଙ୍କ ବାସସ୍ଥାନରେ ପହଞ୍ଚାଇବାକୁ ପଦକ୍ଷେପ ନିଆଯାଉଥିବା ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ସୂଚନା ଦେଇଛନ୍ତି ।

*Desk*

# ବିଦ୍ୟାଳୟ ବନ୍ଦ

ପ୍ରବଳ ଗ୍ରୀଷ୍ମପ୍ରବାହକୁ ଦୃଷ୍ଟିରେ ରଖି ଆଜିଠାରୁ ଅଙ୍ଗନୱାଡ଼ି, ଶିଶୁବାଟିକାଠାରୁ ଆରମ୍ଭ କରି ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ରାଜ୍ୟର ସମସ୍ତ ସରକାରୀ ଓ ବେସରକାରୀ ଶିକ୍ଷାନୁଷ୍ଠାନ ବନ୍ଦ ରହିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି । ତେବେ ଏହି ସମୟରେ ମହାବିଦ୍ୟାଳୟରେ ପୂର୍ବ ନିର୍ଦ୍ଧାରିତ ପରୀକ୍ଷାଗୁଡ଼ିକ ନିର୍ଦ୍ଦିଷ୍ଟ ତାରିଖରେ ହେବ । ସେହିଭଳି ଅଙ୍ଗନୱାଡ଼ି ପିଲାମାନଙ୍କୁ ସେମାନଙ୍କ ଘରେ ଶୁଖିଲା ଖାଦ୍ୟ ସାମଗ୍ରୀ ଯୋଗାଇ ଦେବାଲାଗି ରାଜ୍ୟରେ ଗ୍ରୀଷ୍ମ ପ୍ରବାହ ସ୍ଥିତି ସମ୍ପର୍କରେ ସମୀକ୍ଷା କରି ମୁଖ୍ୟମନ୍ତ୍ରୀ  ନିର୍ଦ୍ଦେଶ ଦେଇଛନ୍ତି ।

*Desk*

# କୋଟିଆ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କୋରାପୁଟ ଜିଲ୍ଲାର କୋଟିଆ ଗ୍ରାମପଞ୍ଚାୟତ ସମ୍ପର୍କରେ ସମୀକ୍ଷା କରିଛନ୍ତି । ଏନେଇ ସାମ୍ପ୍ରତିକ ସ୍ଥିତି ଅନୁଧ୍ୟାନ କରିବାପାଇଁ ଏକ କମିଟି ଗଠନ କରିବାକୁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି । ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାରେ କମିଟି ଗଠନ କରାଯିବ । ଏହି କମିଟି ସ୍ଥିତି ଅନୁଧ୍ୟାନ କରି ରାଜ୍ୟ ସରକାରଙ୍କୁ ରିପୋର୍ଟ ପ୍ରଦାନ କରିବ ବୋଲି ଜଣାପଡ଼ିଛି ।

*Desk*

# ପର୍ଯ୍ୟଟନ - ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ଲୋକସେବା ଭବନଠାରେ ପର୍ଯ୍ୟଟନ ବିଭାଗର ବିଭିନ୍ନ କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି । ବୈଠକରେ ଓଡ଼ିଶାର ପର୍ଯ୍ୟଟନ ବିଭବକୁ ବିଶ୍ୱସ୍ତରରେ ପହଞ୍ଚାଇବା ଲାଗି ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ପ୍ରଦାନ କରିଛନ୍ତି । ରାଜ୍ୟକୁ ଦେଶର ଏକ ପ୍ରମୁଖ ପର୍ଯ୍ୟଟନ ସ୍ଥଳୀ ଭାବେ ବିକଶିତ କରିବା ଲକ୍ଷ୍ୟରେ କାର୍ଯ୍ୟ କରିବା ନିମନ୍ତେ ଶ୍ରୀ ମାଝୀ ବିଭାଗକୁ ନିର୍ଦ୍ଦେଶ ଦେଇଛନ୍ତି । ବୈଠକରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ପ୍ରମୁଖ ଉପସ୍ଥିତ ଥିଲେ ।

*Desk*

# ରାସନ କାର୍ଡ଼

ପଞ୍ଚାୟତିରାଜ ଦିବସ ପାଳନ ଅବସରରେ ଆସନ୍ତାକାଲି ମୁଖ୍ୟମନ୍ତ୍ରୀ ପୁରୀରେ ଯୋଗ୍ୟ ହିତାଧିକାରୀମାନଙ୍କୁ ରାସନ କାର୍ଡ଼ ବଣ୍ଟନ କରିବେ । ଏ ସମ୍ପର୍କରେ  ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି, ୫ ଲକ୍ଷ ୯୦ ହଜାର ହିତାଧିକାରୀଙ୍କୁ ରାସନ୍ କାର୍ଡ଼ ଦିଆଯିବ । ରାଜ୍ୟରେ ଗତକାଲି ସୁଦ୍ଧା ପ୍ରାୟ ୨୫ ଲକ୍ଷ ଲୋକ ରାସନ କାର୍ଡ଼ ପାଇଁ ଇ.-କେ.ୱାଇ.ସି. କରି ନ ଥିବା ମନ୍ତ୍ରୀ ସୂଚନା ଦେଇଛନ୍ତି ।

*Desk*

# ନୂତନ ଅଦାଲତ

ରାଜ୍ୟବାସୀଙ୍କୁ ତ୍ୱରିତ ନ୍ୟାୟ ପ୍ରଦାନ କରିବାପାଇଁ ଖୁବ୍ ଶୀଘ୍ର ବିଭିନ୍ନ ଜିଲ୍ଲାରେ ୪୬ଟି ନୂତନ ଅଦାଲତ ପ୍ରତିଷ୍ଠା ହେବ ବୋଲି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସାମାଜିକ ଗଣମାଧ୍ୟମରେ ସୂଚନା ଦେଇଛନ୍ତି । ଆଇନ ମନ୍ତ୍ରୀ କହିଛନ୍ତି, ଆଗାମୀ ଦିନରେ ରାଜ୍ୟରେ ସ୍ୱଚ୍ଛ ନ୍ୟାୟିକ ବ୍ୟବସ୍ଥା ପ୍ରତିଷ୍ଠା କରିବା ସହ ଏହାର ଭିତ୍ତିଭୂମିକୁ ଆହୁରି ସୁଦୃଢ଼ କରାଯିବ । ନୂତନ ଅଦାଲତ ପ୍ରତିଷ୍ଠାଦ୍ୱାରା ବିଚାର ପ୍ରକ୍ରିୟା ତ୍ୱରାନ୍ୱିତ ହେବ ବୋଲି ମନ୍ତ୍ରୀ ଆଶାବ୍ୟକ୍ତ କରିଛନ୍ତି ।

*Desk*

# ସୁରକ୍ଷିତ ଯାତ୍ରା

ସଡ଼କ ସୁରକ୍ଷା ସମ୍ପର୍କରେ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କୁ ସଚେତନ କରିବା ଲାଗି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନୂଆଦିଲ୍ଲୀରେ ସଡ଼କ ପରିବହନ ମନ୍ତ୍ରୀ ନୀତିନ ଗଡ଼କରୀଙ୍କ ସହ ସଡ଼କ ସୁରକ୍ଷା ସଚେତନତା ଏବଂ ଅନ୍‌ଲାଇନ୍ ଶିକ୍ଷା କାର୍ଯ୍ୟକ୍ରମ 'ସୁରକ୍ଷିତ ଯାତ୍ରା'ର ଶୁଭାରମ୍ଭ କରିଛନ୍ତି । ଏହି ଅନ୍‌ଲାଇନ୍ ଶିକ୍ଷା କାର୍ଯ୍ୟକ୍ରମ ମାଧ୍ୟମରେ ଦେଶର ସମସ୍ତ କେନ୍ଦ୍ରୀୟ ବିଦ୍ୟାଳୟରେ ଛାତ୍ରଛାତ୍ରୀମାନଙ୍କୁ ସଚେତନ କରାଯିବ । ଦେଶର ୩୦

କୋଟି ଶିଶୁ ଏବଂ ଯୁବବର୍ଗଙ୍କୁ ସଡ଼କ ସୁରକ୍ଷା ପ୍ରତି ସଚେତନ କରିବା ଶିକ୍ଷା ବିଭାଗର ଦାୟିତ୍ୱ ବୋଲି ଶ୍ରୀ ପ୍ରଧାନ କହିଛନ୍ତି ।

***IPR***

# ମୁଖ୍ୟ ଶାସନ ସଚିବ

ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା  ରାଜ୍ୟର ବିଭିନ୍ନ ବିଭାଗରେ କାର୍ଯ୍ୟରତ ଅଧିକାରୀମାନଙ୍କୁ ଯୋଜନାଗୁଡ଼ିକର କାର୍ଯ୍ୟକାରିତା ସମ୍ପର୍କରେ ଅବଗତ କରାଇବାକୁ ନିର୍ଦ୍ଦେଶ ଦେଇଛନ୍ତି । ଶ୍ରୀ ଆହୁଜା କ୍ଷେତ୍ର ପରିଦର୍ଶନ କରିବା ସହ ତୃଣମୂଳ ସ୍ତରରେ ପ୍ରକଳ୍ପ ସମ୍ପର୍କରେ ଜ୍ଞାନ ଆହରଣ କରିବାକୁ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

***Desk***

# ବନକଲାଗି

ବୈଶାଖ ମାସ କୃଷ୍ଣ ଦଶମୀ ତିଥିରେ ଆଜି ପୁରୀ ଶ୍ରୀମନ୍ଦିରରେ ଶ୍ରୀବିଗ୍ରହମାନଙ୍କର ବନକଲାଗି ନୀତି ଅନୁଷ୍ଠିତ ହେବ । ଦ୍ୱିତୀୟ ଭୋଗମଣ୍ଡପ ନୀତି ଶେଷ ହେବା ପରେ ପ୍ରାୟ ସନ୍ଧ୍ୟା ୫ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

*Desk*

## ପୁସ୍ତକ ଦିବସ

ପୁସ୍ତକର ମହତ୍ତ୍ୱ ବିଷୟରେ ଜଣାଇବାପାଇଁ ଆଜି 'ବିଶ୍ୱ ପୁସ୍ତକ ଏବଂ ସତ୍ତ୍ୱାଧିକାର ଦିବସ' ପାଳନ କରାଯାଉଛି । ଚଳିତ ବର୍ଷ ଏହି ଦିବସର ବାର୍ତ୍ତା ରହିଛି 'ନିଜସ୍ୱ ଭାବେ ଅଧ୍ୟୟନ' । ପ୍ରତିବର୍ଷ ଏପ୍ରିଲ୍ ୨୩ ତାରିଖକୁ ୟୁନେସ୍କୋ ପକ୍ଷରୁ ଏହି ଦିବସ ପାଳନ କରାଯାଉଛି ।

*Ganjam/R*

## ନାଟକ ମହୋତ୍ସବ

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁରର ବିଜୁ ପଟ୍ଟନାୟକ ସଂସ୍କୃତି ଭବନଠାରେ ଜାତୀୟ ନାଟକ ମହୋତ୍ସବ 'ପୂର୍ବରଙ୍ଗ' ଉଦ୍‌ଘାଟିତ ହୋଇଛି । ଏହି ଅବସରରେ ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ନାଟକ ପରିବେଶିତ ହୋଇଥିଲା ।

*Desk*

## ପାଣିପାଗ

ରାଜ୍ୟରେ ଗ୍ରୀଷ୍ମର ପ୍ରକୋପ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଗତକାଲି ପଶ୍ଚିମ ଓଡ଼ିଶାର

ଅଧିକାଂଶ ସ୍ଥାନରେ ତାପମାତ୍ରା ୪୨ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ଼ ହୋଇଛି । ଝାରସୁଗୁଡ଼ାରେ ସର୍ବୋଚ୍ଚ ତାପମାତ୍ରା ୪୬ ଦଶମିକ ୨ ଡିଗ୍ରୀ ସେଲ୍‌ସିୟସ୍ ରହିଥିବାବେଳେ ହୀରାକୁଦ, ସମ୍ବଲପୁର, ବୌଦ୍ଧ, ଟିଟିଲାଗଡ଼ରେ ତାପମାତ୍ରା ୪୪ ଡିଗ୍ରୀ ସେଲ୍‌ସିୟସ୍ ଉପରେ ରେକର୍ଡ଼ ହୋଇଥିଲା । ରାଜ୍ୟର ବିଭିନ୍ନ ସ୍ଥାନରେ ଆସନ୍ତା ୫ ଦିନ ପର୍ଯ୍ୟନ୍ତ ପ୍ରବଳ ଗ୍ରୀଷ୍ମପ୍ରବାହ ହେବା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି ।

*****